ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୬ ଜଣ କରୋନା ପଜିଟିଭ ଚିହ୍ନଟ

ପଜିଟିଭ ସଂଖ୍ୟା ୪୪୧୯୭ରେ ପହଞ୍ଚିଲା - ସୁସ୍ଥ ହେଲେ ୧୯ଜଣ ।

ଅନୁଗୋଳ, ତା.୦୯.୦୯:- ଆଜି ଅନୁଗୋଳ ଜିଲ୍ଲାରେ ୧୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ (୨ ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୩ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା)ଓ ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକ ମଧ୍ୟରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ, ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୯ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୮୩ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୬ ଲକ୍ଷ ୪ହଜାର ୮୯୯ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୫୮୨ ତା. ୦୯.୦୯.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୯/୯/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ